**Sankha Bhawan**
Plot No. 798, Unit - VI
Bhubaneswar - 751001, Odisha

BJD

Ph : 0674-2393464, 2395979
email : bijujanatadal@gmail.com

# BIJU JANATA DAL

<u>ବିଜେଡିର ମିଶ୍ରଣ ପର୍ବ</u>

## ବିଜେଡ଼ିରେ ଯୋଗଦେଲେ ପୂର୍ବତନ କୁଚିଣ୍ଡା ବିଧାୟକ ରାଜେନ୍ଦ୍ର କୁମାର ଛତ୍ରିୟା

**ଭୁବନେଶ୍ୱର, ୧୨/୦୪/୨୦୨୪:** ସମ୍ବଲପୁର ଜିଲ୍ଲା ଅନ୍ତର୍ଗତ କୁଚିଣ୍ଡା ନିର୍ବାଚନମଣ୍ଡଳୀର ପୂର୍ବତନ ବିଧାୟକ ରାଜେନ୍ଦ୍ର କୁମାର ଛତ୍ରିଆ ଆଜି ଶଙ୍ଖଭବନ ଠାରେ ଜିଲ୍ଲା ବିଜେଡି ପର୍ଯ୍ୟବେକ୍ଷକ ଦେବାଶିଷ ପାତ୍ରଙ୍କ ଉପସ୍ଥିତିରେ ବିଜେଡିରେ ଯୋଗ ଦେଇଛନ୍ତି । ଦଳରେ ସାମିଲ୍ ହୋଇଥିବା ରାଜେନ୍ଦ୍ର ଛତ୍ରିଆଙ୍କ ସହ ଶତାଧିକ କଂଗ୍ରେସ କର୍ମୀଙ୍କୁ ଶ୍ରୀ ପାତ୍ର ଉପଢୌକନ ଦେଇ ଦଳକୁ ସ୍ୱାଗତ କରିଥିଲେ । ଆଜି କଂଗ୍ରେସ କର୍ମୀଙ୍କ ଯୋଗଦାନ ଫଳରେ ବିଶେଷକରି କୁଚିଣ୍ଡା ନିର୍ବାଚନ ମଣ୍ଡଳୀରେ ଦଳୀୟ ସଂଗଠନ ଆହୁରି ମଜଭୂତ ହେବ ବୋଲି ଶ୍ରୀ ପାତ୍ର କହିଥିଲେ ।

ଏହି ଅବସରରେ ବିଜେଡ଼ିରେ ସାମିଲ୍ ହୋଇଥିବା ପୂର୍ବତନ ବିଧାୟକ ରାଜେନ୍ଦ୍ର କୁମାର ଛତ୍ରିଆ ନିଜ ପ୍ରତିକ୍ରିୟାରେ କହିଥିଲେ ଯେ, ମାନ୍ୟବର ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ସୁପ୍ରିମୋ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ଲୋକାଭିମୁଖୀ କାର୍ଯ୍ୟ, ସ୍ୱଚ୍ଛ ଶାସନ, ନିର୍ମଳ ଭାବମୂର୍ତ୍ତି ଓ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ଆଜି ବିଧିବଦ୍ଧ ଭାବେ ବିଜେଡିରେ ଯୋଗ ଦେଲୁ । ନୂତନ ଓଡ଼ିଶା ଗଠନ ଦିଗରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଆମକୁ ଯାହା ଦାୟିତ୍ୱ ଦେବେ ତାକୁ ସୂଚାରୁ ରୂପେ ତୁଲାଇବୁ । ଦଳରେ ଆମକୁ ଓ ଆମ ସହ ଯୋଗ ଦେଇଥିବା ସମସ୍ତ କଂଗ୍ରେସ କର୍ମୀଙ୍କୁ ଗ୍ରହଣ କରିଥିବାରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଦଳର ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଏବଂ ସମସ୍ତ ନେତୃବୃନ୍ଦଙ୍କୁ କୃତଜ୍ଞତା ଜ୍ଞାପନ କରୁଛୁ ।

ଏହି ମିଶ୍ରଣ ପର୍ବରେ କୁଚିଣ୍ଡା ବସ୍ ୟୁନିୟନର ସଭାପତି ଧିରେନ୍ଦ୍ର କୁମାର ନାଏକ, ଉଦୟ ପ୍ରତାପ ସିଂହ, ପୂର୍ବତନ ବ୍ଲକ କଂଗ୍ରେସ ସଭାପତି ଅକ୍ଷୟ କୁମାର ସାହୁ, ସ୍ୱରାଜ କୁମାର ନାୟକ, ହିଂମାଶୁ ପଟେଲ, ଅଯୋଧ୍ୟା ମହାପାତ୍ର ଓ ଅବିନାଶ ମହାପାତ୍ରଙ୍କ ସହ ବହୁ କଂଗ୍ରେସ କର୍ମୀ ବିଜେଡ଼ିରେ ସାମିଲ ହୋଇଥିଲେ । ଶେଷରେ ବିଜେଡ଼ି ମୁଖପାତ୍ର ଡଃ ପ୍ରିୟବ୍ରତ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ ।

ଡଃ ପ୍ରିୟବ୍ରତ ମାଝୀ

(ପ୍ରିୟବ୍ରତ ମାଝୀ)
ମୁଖପାତ୍ର, ବିଜୁଜନତା ଦଳ


ନୂଆ ଓଡ଼ିଶା
ସବଳ ଓଡ଼ିଶା


ନୂଆ ଓଡ଼ିଶା
ସବଳ ଓଡ଼ିଶା